ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1453/16-03-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୧୬ ମାର୍ଚ୍ଚ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଗୋଟିଏ ଦିନରେ ଏକ ଲକ୍ଷ ବରିଷ୍ଠ ନାଗରିକଙ୍କୁ କୋଭିଡ୍ ଟିକା ପ୍ରଦାନ କରାଯାଇଥିବାରୁ ରାଜ୍ୟ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗକୁ ପ୍ରଶଂସା କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ସ୍ୱାସ୍ଥ୍ୟକର୍ମୀ, ଆଗଧାଡ଼ିର କର୍ମୀ ଏବଂ ଟିକାକରଣରେ ନିୟୋଜିତ ଅନ୍ୟମାନଙ୍କ ଉଦ୍ୟମକୁ ପ୍ରଶଂସା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ 'କୃଷି ଓଡ଼ିଶା-୨୦୨୧' ଉଦ୍‌ଘାଟନ ଅବସରରେ ସମସ୍ତଙ୍କୁ ଶୁଭେଚ୍ଛା ଜଣାଇବା ସହ ଏଥିରେ ଚାଷୀଙ୍କ ସହଭାଗିତା ବଢୁଥିବାରୁ ଖୁସି ପ୍ରକାଶ କରିଛନ୍ତି । ଏଥି ସହ ଏହି 'କୃଷି ଓଡ଼ିଶା' ଚାଷୀମାନଙ୍କ ଦକ୍ଷତା ଓ ସଫଳତାକୁ ପାଳନ କରିବା ପାଇଁ ଏକ ସୁଯୋଗ ସୃଷ୍ଟି କରିପାରିଛି ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ କରୋନା ସ୍ଥିତିରେ କୃଷି ସଂଜୀବନୀ ପରି ଅର୍ଥନୀତିକୁ ଶକ୍ତି ଦେଇଛି । ନିଜର ସୁରକ୍ଷା ଲାଗି ଟିକା ନେବା ସହ ଆୟ ବୃଦ୍ଧି ପାଇଁ ବିଭିନ୍ନ ସରକାରୀ ଯୋଜନାର ଉପଯୋଗ କରିବାକୁ ଚାଷୀଙ୍କୁ ସେ ଆହ୍ୱାନ କରିଛନ୍ତି । ଚାଷୀଙ୍କ ସହ ସେ ସବୁବେଳେ ଅଛନ୍ତି ଓ ସେମାନଙ୍କ କଲ୍ୟାଣ ପାଇଁ କାମ କରୁଥିବା ମାନ୍ୟବର ମୁଖ୍ୟମନ୍ତ୍ରୀ ବାର୍ତ୍ତା ଦେଇଛନ୍ତି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୬,୬୧,୭୩୨ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୮,୩୨୩ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୫, ୭୩୦ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ୧୯୧୮ ଜଣ କୋଭିଡ୍‌-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୬୨୨ ରହିଛି ।
- ୬୨୨ ଜଣ ହସ୍‌ପିଟାଲ୍‌ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**